# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 28 October – 2025

**********************************

## ମୁଖ୍ୟ ସମ୍ବାଦ

- ବାତ୍ୟା 'ମୋନ୍ଥା' ଆଜି ରାତି ସୁଦ୍ଧା  କାକିନାଡ଼ା ନିକଟରେ ସ୍ଥଳଭାଗ ଛୁଇଁବା ସମ୍ଭାବନା

– ଦକ୍ଷିଣ ଓଡ଼ିଶାର ବିଭିନ୍ନ ଜିଲ୍ଲାରେ ପ୍ରବଳ ବର୍ଷା

- ରାଜ୍ୟରେ ବାତ୍ୟା ମୁକାବିଲା ନେଇ ମୁଖ୍ୟମନ୍ତ୍ରୀଙ୍କ ସମୀକ୍ଷା; ଶୂନ୍ୟ ମୃତ୍ୟୁ ଉପରେ ଗୁରୁତ୍ୱାରୋପ

– ୮ଟି ଜିଲ୍ଲାର ୧୧ ହଜାରରୁ ଊର୍ଦ୍ଧ୍ୱ ଲୋକ ସ୍ଥାନାନ୍ତରିତ

- ବାତ୍ୟା ସମୟରେ ରେଳଯାତ୍ରୀଙ୍କ ସୁରକ୍ଷା ସୁନିଶ୍ଚିତ କରିବା ନେଇ ରେଳମନ୍ତ୍ରୀଙ୍କ ପରାମର୍ଶ; ପରିସ୍ଥିତିକୁ ଦୃଷ୍ଟିରେ ରଖି ୪୨ଟି ଟ୍ରେନ୍ ବାତିଲ

ଏବଂ

- ରାଜ୍ୟରେ ବୈଷୟିକ କୌଶଳ ମାଧ୍ୟମରେ ସରକାର ଦୁର୍ନୀତି ନିବାରଣ ପାଇଁ ଗୁରୁତ୍ୱ ଦେଉଛନ୍ତି; କହିଲେ ମୁଖ୍ୟମନ୍ତ୍ରୀ

Desk

# ବାତ୍ୟା 'ମୋନ୍ଥା'

ଦକ୍ଷିଣ–ପଶ୍ଚିମ ଏବଂ ଏହାର ପାର୍ଶ୍ୱବର୍ତ୍ତୀ ପଶ୍ଚିମ କେନ୍ଦ୍ରୀୟ ବଙ୍ଗୋପସାଗର ଅଞ୍ଚଳରେ ସୃଷ୍ଟ ବାତ୍ୟା 'ମୋନ୍ଥା' କାକିନାଡ଼ାଠାରୁ ୨୪୦ କିଲୋମିଟର ଏବଂ ଗୋପାଳପୁରଠାରୁ ୫୩୦ କିଲୋମିଟର ଦୂରରେ ରହିଛି। ଘଣ୍ଟାପ୍ରତି ୧୨ କିଲୋମିଟର ବେଗରେ ଗତି କରୁଥିବା ନେଇ ପାଣିପାଗ ବିଭାଗ ପକ୍ଷରୁ ସୂଚନା ମିଳିଛି। ଆଜି ସନ୍ଧ୍ୟା କିମ୍ବା ରାତି ସୁଦ୍ଧା ଆନ୍ଧ୍ରପ୍ରଦେଶର ମଛଲିପଟ୍ଟନମ ଏବଂ କଳିଙ୍ଗପଟ୍ଟନମ ମଧ୍ୟରେ କାକିନାଡା ନିକଟରେ ବାତ୍ୟା ସ୍ଥଳଭାଗ ଅତିକ୍ରମ କରିବ। ସ୍ଥଳଭାଗ ଛୁଇଁବା ସମୟରେ ପବନର ବେଗ ସର୍ବାଧିକ ୯୦ରୁ ୧୧୦ କିଲୋମିଟର ରହିବ ବୋଲି ପାଣିପାଗ ବିଭାଗ ପକ୍ଷରୁ ଅନୁମାନ କରାଯାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ନିର୍ଦ୍ଦେଶକ ଡକ୍ଟର ମନୋରମା ମହାନ୍ତି ବାତ୍ୟା ସମ୍ପର୍କରେ କହିଛନ୍ତି ।

**- V/O -**

ରାଜ୍ୟର ମାଲକାନଗିରି, କୋରାପୁଟ, ରାୟଗଡା, ନବରଙ୍ଗପୁର, କନ୍ଧମାଳ, କଳାହାଣ୍ଡି, ଗଜପତି ଓ ଗଞ୍ଜାମ ଜିଲ୍ଲାରେ ଆଜି ପ୍ରବଳ ବର୍ଷା ଜାରି ରହିଛି। ଏହିସବୁ ଜିଲ୍ଲାରେ ତିନିଦିନ ପାଇଁ ସମସ୍ତ ସ୍କୁଲ ଓ ଅଙ୍ଗନବାଡି କେନ୍ଦ୍ରକୁ ଆସନ୍ତା ଗୁରୁବାର ପର୍ଯ୍ୟନ୍ତ ଛୁଟି ଘୋଷଣା

କରାଯାଇଛି । ସେହିପରି ପୁରୀ, ନୟାଗଡ ଓ ଖୋର୍ଦ୍ଧା ଜିଲ୍ଲାରେ ଆସନ୍ତାକାଲି ପର୍ଯ୍ୟନ୍ତ ସ୍କୁଲ ଓ ଅଙ୍ଗନବାଡି କେନ୍ଦ୍ର ବନ୍ଦ ରଖାଯାଇଛି । ଏହାସହ କଟକ ଓ ଭୁବନେଶ୍ୱର ସମେତ ବିଭିନ୍ନ ସ୍ଥାନରେ ବାତ୍ୟାର ପ୍ରଭାବରେ ବର୍ଷା ଜାରି ରହିଛି ।

BBSR/R

## ମୁଖ୍ୟମନ୍ତ୍ରୀ ବାତ୍ୟା ସମୀକ୍ଷା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଲୋକସେବା ଭବନରେ ବାତ୍ୟା 'ମୋନ୍ଥା'ର ମୁକାବିଲା ଏବଂ ପ୍ରସ୍ତୁତି ନେଇ ଏକ ଉଚ୍ଚସ୍ତରୀୟ ବୈଠକରେ ସମୀକ୍ଷା କରିଛନ୍ତି । ମୁଖ୍ୟମନ୍ତ୍ରୀ କହିଛନ୍ତି, ବାତ୍ୟା ସମୟରେ ଶୂନ୍ୟ ମୃତ୍ୟୁ ଉପରେ ଗୁରୁତ୍ୱ ଦିଆଯାଉଛି । ଏ ନେଇ ସମସ୍ତ ପ୍ରକାର ବ୍ୟବସ୍ଥା କରାଯାଇଛି । ପ୍ରଭାବିତ ୮ଟି ଜିଲ୍ଲାରେ ବର୍ତ୍ତମାନ ସୁଦ୍ଧା ୧୧ ହଜାର ୩୯୬ ଜଣଙ୍କୁ ସ୍ଥାନାନ୍ତର କରାଯାଇଛି । ଆବଶ୍ୟକସ୍ଥଳେ ଆଉ ୩୦ ହଜାର ୫୯୪ ଜଣଙ୍କୁ ସ୍ଥାନାନ୍ତର କରିବାର ଲକ୍ଷ୍ୟ ରଖାଯାଇଛି । ବାତ୍ୟା ଓ ଏହାର ପରବର୍ତ୍ତୀ ଉଦ୍ଧାର କାର୍ଯ୍ୟ ପାଇଁ ମୋଟ୍ ୧୨୩ଟି ଅଗ୍ନିଶମ ଦଳ, ୩୦ଟି ଓଡ୍ରାଫ୍ ଓ ୫ଟି ଏନ୍‌ଡିଆରଏଫ୍ ଦଳ ମୁତୟନ କରାଯାଇଛି । ପ୍ରଭାବିତ ଅଞ୍ଚଳରେ ଲୋକଙ୍କ ପାଇଁ ରନ୍ଧା ଓ ଶୁଖିଲା ଖାଦ୍ୟର ବ୍ୟବସ୍ଥା କରାଯାଇଥିବା ମୁଖ୍ୟମନ୍ତ୍ରୀ କହିଛନ୍ତି ।

**- V/O -**

ପବନ କିମ୍ବା ବର୍ଷା ଯୋଗୁଁ ବିଦ୍ୟୁତ ସେବା ବ୍ୟାହତ ହେଲେ ତୁରନ୍ତ ପୁନଃକାର୍ଯ୍ୟକ୍ଷମ କରିବାକୁ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ' ଶକ୍ତି ବିଭାଗର ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ୯ଟି ଜିଲ୍ଲାରେ ବିଦ୍ୟୁତ୍ ତାର, ଟ୍ରାନ୍ସଫରମର ଓ ବିଦ୍ୟୁତ୍ ଖୁଣ୍ଟ ମହଜୁଦ ରଖାଯାଇଛି। ବାତ୍ୟାର ପ୍ରଭାବ ଶେଷ ହେବାର ୪୮ ଘଣ୍ଟା ମଧ୍ୟରେ ବିଦ୍ୟୁତ ପୁନଃସ୍ଥାପନ କରାଯିବ ବୋଲି ଉପମୁଖ୍ୟମନ୍ତ୍ରୀ କହିଛନ୍ତି।

M.giri/Ganjam/Koraput/Rayagada/Nabarangpur

## ଜିଲ୍ଲା– ବାତ୍ୟା

'ମୋନ୍ଥା'ର ପ୍ରଭାବରେ ନବରଙ୍ଗପୁର ଜିଲ୍ଲାସ୍ଥିତ ଇନ୍ଦ୍ରାବତୀ ଜଳଭଣ୍ଡାରର ଜଳସ୍ତର ବୃଦ୍ଧି ହେବାର ଆଶଙ୍କା ରହିଛି। ସମ୍ଭାବ୍ୟ ସ୍ଥିତିକୁ ଦୃଷ୍ଟିରେ ରଖି ଜଳଭଣ୍ଡାରର ଜଳ ନିଷ୍କାସନ ନେଇ ପ୍ରଶାସନ ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି।

ରାୟଗଡ଼ା ଜିଲ୍ଲାରେ ବାତ୍ୟା ମୁକାବିଲା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରସ୍ତୁତି କରାଯାଇଛି। ଜିଲ୍ଲାରେ ୧୨ଟି ଅଗ୍ନିଶମ ଦଳ ଓ ଗୋଟିଏ ଲେଖାଏଁ ଏନ୍‌ଡିଆରଏଫ୍ ଏବଂ ଓଡ୍ରାଫ୍ ଦଳ ମୁତୟନ କରାଯାଇଛି।

କୋରାପୁଟ ଜିଲ୍ଲାର ନାରାୟଣପାଟଣା, ବନ୍ଧୁଗାଁ, ପଟ୍ଟାଙ୍ଗି, ନନ୍ଦପୁର, ସେମିଳିଗୁଡ଼ା ଆଦି ଅଞ୍ଚଳରେ ବାତ୍ୟାର ପବନ ଅନୁଭୂତ ହେଉଛି। ପରିସ୍ଥିତିକୁ ଦୃଷ୍ଟିରେ ରଖି ଜିଲ୍ଲାପାଳ ମନୋଜ ସତ୍ୟବାନ ମହାଜନ ସମୀକ୍ଷା କରିଛନ୍ତି। ଏ ସମ୍ପର୍କରେ ଜିଲ୍ଲାପାଳ କହନ୍ତି...

**- V/O -**

ବାତ୍ୟାର ପ୍ରଭାବରେ ଗଞ୍ଜାମ ଜିଲ୍ଲାରେ ଗତକାଲିଠାରୁ ମଧ୍ୟମରୁ ପ୍ରବଳ ବର୍ଷା ଲାଗି ରହିଛି। ପରିସ୍ଥିତିର ମୁକାବିଲା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ସମ୍ପୂର୍ଣ୍ଣ ପ୍ରସ୍ତୁତ ଥିବା ନେଇ ଆମ ସମ୍ବାଦଦାତା ଜଣାଇଛନ୍ତି।

**- V/O -**

ମାଲକାନଗିରିରେ ବାତ୍ୟା 'ମୋନ୍ଥା'ର ମୁକାବିଲା ପାଇଁ ଓଡ୍ରାଫ୍ ଓ ଏନ୍‌ଡିଆରଏଫ୍ ଟିମ୍ ମୁତୟନ କରାଯାଇଛି। ଏ ସମ୍ପର୍କରେ ଆମ ସମ୍ବାଦଦାତା କହିଛନ୍ତି...

**- V/O -**

କଳାହାଣ୍ଡି ଜିଲ୍ଲାରେ ବାତ୍ୟା ମୋନ୍ଥା ପାଇଁ ପାଗ କୋହଲା ରହିବା ସହ ସାମାନ୍ୟ ବର୍ଷା ଲାଗି ରହିଛି। ଜିଲ୍ଲା ପ୍ରଶାସନ ପକ୍ଷରୁ ସମସ୍ତ ପ୍ରସ୍ତୁତି ଚୂଡ଼ାନ୍ତ ପର୍ଯ୍ୟାୟରେ ପହଁଞ୍ଚିଛି। ଜିଲ୍ଲାରେ ୯୬ଟି ଅସ୍ଥାୟୀ ବନ୍ୟା ଆଶ୍ରୟସ୍ଥଳୀ ପ୍ରସ୍ତୁତ ରଖାଯାଇଥିବା ଆମ ସମ୍ବାଦଦାତା କହିଛନ୍ତି। ଜିଲ୍ଲାର ଇନ୍ଦ୍ରାବତୀ, ମଙ୍ଗଳପୁର ପ୍ରକଳ୍ପରେ ଜଳଧାରଣ କ୍ଷମତା ୨୬୫ ମିଟର ଥିବାବେଳେ ବର୍ତ୍ତମାନ ଏହା ୨୬୩ ମିଟର ରହିଛି। ଯେକୌଣସି ସମୟରେ ଜଳଭଣ୍ଡାରରୁ ହାତୀ ନଦୀକୁ ଜଳନିଷ୍କାସନ କରାଯିବ ବୋଲି ଜଳସମ୍ପଦ ବିଭାଗ ପକ୍ଷରୁ କୁହାଯାଇଛି।

Railway

## ବାତ୍ୟା– ରେଳମନ୍ତ୍ରୀ ସମୀକ୍ଷା

ବାତ୍ୟା ସମୟରେ ରେଳଯାତ୍ରୀଙ୍କ ସୁରକ୍ଷାକୁ ଦୃଷ୍ଟିରେ ରଖି ଆଜି ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ଆଭାସୀ ମାଧ୍ୟମରେ ସମୀକ୍ଷା କରିଛନ୍ତି। ଯାତ୍ରୀଙ୍କ ସୁରକ୍ଷା ସୁନିଶ୍ଚିତ କରିବା, ନିରବଚ୍ଛିନ୍ନ ଯୋଗାଯୋଗ ବଜାୟ ରଖିବା ଏବଂ ବିପର୍ଯ୍ୟୟ ମୁକାବିଲା ଦଳ ଗୁଡ଼ିକୁ ପୂର୍ବରୁ ନିୟୋଜିତ କରିବା ଉପରେ ମନ୍ତ୍ରୀ ଗୁରୁତ୍ୱାରୋପ କରିଛନ୍ତି। ବାତ୍ୟା ପରେ ରେଳସେବାକୁ ତୁରନ୍ତ ପୁନଃସ୍ଥାପନ କରିବା ପାଇଁ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ସମୀକ୍ଷା ବୈଠକରେ ପୂର୍ବତଟ ଏବଂ ଦକ୍ଷିଣ କେନ୍ଦ୍ରୀୟ ରେଳପଥର ବରିଷ୍ଠ ଅଧିକାରୀମାନେ ଯୋଗ ଦେଇଥିଲେ।

ବାତ୍ୟାକୁ ଦୃଷ୍ଟିରେ ରଖି ପୂର୍ବତଟ ରେଳବାଇ ପକ୍ଷରୁ ୪୨ଟି ଟ୍ରେନ୍‌କୁ ବାତିଲ କରାଯାଇଥିବାବେଳେ ୨ଟି ଟ୍ରେନ୍‌ର ଗତିପଥ ପରିବର୍ତ୍ତନ କରାଯାଇଛି। ଅନ୍ୟପକ୍ଷରେ ୮ଟି ଟ୍ରେନ୍‌ର ସମୟ ପୁନଃନିର୍ଦ୍ଧାରଣ କରାଯାଇଛି। ଆଜି କୋଣାର୍କ ଏକ୍ସପ୍ରେସ୍‌କୁ ବାତିଲ କରାଯାଇଛି। ବାତ୍ୟା ସମୟରେ ଲୋକଙ୍କୁ ସହାୟତା ଯୋଗାଇବା ପାଇଁ ରେଳବାଇ ପକ୍ଷରୁ କେତେକ ହେଲ୍‌ପ ଲାଇନ୍ ନମ୍ବର ଜାରି କରାଯାଇଛି। ସେଗୁଡ଼ିକ ହେଲା– ଭୁବନେଶ୍ୱର ପାଇଁ ୮୧୧୪୩୮୨୩୭୧, ଖୋର୍ଦ୍ଧା ରୋଡ୍ ପାଇଁ ୯୬୬୮୯୭୮୭୨୭, ବ୍ରହ୍ମପୁର ପାଇଁ ୯୬୬୮୯୭୮୭୨୫ ଏବଂ ପଲାସା ପାଇଁ ୯୬୬୮୯୭୮୭୨୪।

BBSR/R

## ମୁଖ୍ୟମନ୍ତ୍ରୀ– ଦୁର୍ନୀତି ନିବାରଣ

ରାଜ୍ୟ ସରକାର ଦୁର୍ନୀତି ପ୍ରତି ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରୁଛନ୍ତି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଭୁବନେଶ୍ୱରଠାରେ ରାଜ୍ୟସ୍ତରୀୟ ଦୁର୍ନୀତି ନିବାରଣ ସଚେତନତା ସପ୍ତାହକୁ ସମ୍ବୋଧନ କରି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି, ଦୁର୍ନୀତି ସମାଜର ପ୍ରଗତି ଓ ଅଗ୍ରଗତିରେ ବାଧା ସୃଷ୍ଟି କରିଥାଏ। ରାଜ୍ୟରେ ଦୁର୍ନୀତିର ମୂଳୋତ୍ପାଟନ ପାଇଁ ଦୁର୍ନୀତି ନିବାରଣ ବିଭାଗ ଅତ୍ୟନ୍ତ ପାରଦର୍ଶିତାର ସହ କାର୍ଯ୍ୟ କରୁଛି। ନୂଆ ସରକାର ଦାୟିତ୍ୱ ଗ୍ରହଣ କରିବା ପରେ ବୈଷୟିକ କୌଶଳ ମାଧ୍ୟମରେ ଦୁର୍ନୀତି ନିବାରଣ ପାଇଁ ଗୁରୁତ୍ୱ ଦିଆଯାଉଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଆଗାମୀ ଦିନରେ ବିଭାଗକୁ ଆବଶ୍ୟକ ଥିବା ସମସ୍ତ ସହଯୋଗ ଓ ସୁବିଧା ଯୋଗାଇ ଦେବା ପାଇଁ ସରକାର ପ୍ରସ୍ତୁତ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ଉପସ୍ଥିତ ସମସ୍ତ ଅଧିକାରୀମାନଙ୍କୁ ଦୁର୍ନୀତି ନିବାରଣ ନିମନ୍ତେ ସଚେତନତା ଶପଥ ପାଠ କରାଇଥିଲେ।

BBSR/R

## ଛଟ୍ ପୂଜା

ରାଜ୍ୟ ସରକାର ଭାଇଚାରା, ସୌହାର୍ଦ୍ଦ୍ୟ ଓ ସାଂସ୍କୃତିକ ଏକତାର ପରମ୍ପରାକୁ ଶକ୍ତିଶାଳୀ କରିବା ପାଇଁ ପ୍ରତିବଦ୍ଧ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ରାଜ୍ୟରେ ଛଟ୍ ପୂଜା ସାଂସ୍କୃତିକ ଏକତାର

ଉଦାହରଣ। ଛଟ୍ ପର୍ବ ମାଧ୍ୟମରେ ପ୍ରକୃତି, ଜଳ, ବାୟୁ ଓ ସୂର୍ଯ୍ୟର ଶକ୍ତିକୁ ଆମେ ପୂଜା କରିବା ସହ ସମ୍ମାନ ଜଣାଇଥାଉ ବୋଲି ଆଜି ସକାଳେ ଭୁବନେଶ୍ୱରର ମଞ୍ଚେଶ୍ୱରସ୍ଥିତ ନୂଆ ବାଲିଯାତ୍ରା ପଡ଼ିଆରେ ଆୟୋଜିତ ଛଟ୍ ପୂଜା କାର୍ଯ୍ୟକ୍ରମରେ ଯୋଗଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି।

DHNKL

## ସାଇବର ସୁରକ୍ଷା ଅଭିଯାନ

ଢେଙ୍କାନାଳ ଜିଲ୍ଲା ସଂସ୍କୃତି କାର୍ଯ୍ୟାଳୟ ପରିସରରେ ସାଇବର ସୁରକ୍ଷା ଅଭିଯାନ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲ ଯୋଗଦେଇ ସାଇବର ଠକେଇରୁ ଦୂରେଇ ରହିବା ପାଇଁ ଜନସାଧାରଣଙ୍କୁ ସଚେତନ କରାଇଥିଲେ। ଏହି ସଚେତନତା କାର୍ଯ୍ୟକ୍ରମ ଆଜିଠାରୁ ମାସେ ପର୍ଯ୍ୟନ୍ତ ଚାଲିବ। କାର୍ଯ୍ୟକ୍ରମରେ ଆଇ.ଆଇ.ଏମ୍.ସି.ର ସମସ୍ତ ଛାତ୍ରଛାତ୍ରୀମାନେ ଯୋଗ ଦେଇଥିଲେ।

Desk

## ଛାତ୍ରବୃତ୍ତି

ଉଚ୍ଚଶିକ୍ଷା ବିଭାଗ ଦ୍ୱାରା ୨୦୨୫-୨୬ ଶିକ୍ଷାବର୍ଷ ପାଇଁ ମୁଖ୍ୟମନ୍ତ୍ରୀ ମେଧାବୀ ଛାତ୍ର ପ୍ରୋତ୍ସାହନ ଯୋଜନା ଅଧୀନରେ ବୃତ୍ତି ଆବେଦନର ଅବଧିକୁ ଆସନ୍ତା ମାସ ୪ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି । ପୂର୍ବରୁ ଏହି ଯୋଜନାରେ ଆବେଦନ ପ୍ରକ୍ରିୟାର ଶେଷ ତାରିଖ ଗତ ୨୪ ତାରିଖ

ପର୍ଯ୍ୟନ୍ତ ଧାର୍ଯ୍ୟ କରାଯାଇଥିଲା । ଛାତ୍ରଛାତ୍ରୀମାନେ **www.scolarship.odisha.gov.in** ରେ ଇ-ମେଧାବୃତ୍ତି, ବ୍ୟାସକବି ଫକୀର ମୋହନ ଭାଷାବୃତ୍ତି ଯୋଜନା ଏବଂ ଗୋପବନ୍ଧୁ ଶିକ୍ଷା ସହାୟତା ଯୋଜନାରେ ଆବେଦନ କରିପାରିବେ ।